# ଆଜି ଅନୁଗୋଳ ଜିଲ୍ଲାରୁ ୧୧୭ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୬୯୭୬ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୪୮ ଜଣ ।

ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୧୧୭ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ଆଜି ୬ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୧୧୧ ରେ ପହଂଚିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨୯ ଜଣ ( ୨୦ଜଣ ପୁରୁଷ ଓ୯ ଜଣ ମହିଳା), ବଣଁରପାଳ ବ୍ଲକ୍ ଅଂଚଳରୁ ୧୮ ଜଣ (୧୧ ଜଣ ପୁରୁଷ ଓ ୭ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୧୫ ଜଣ( ୧୪ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୧ ଜଣ(୯ ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ପୌରାଂଚଳରୁ ୧୦ ଜଣ (୭ ଜଣ ପୁରୁଷ ଓ ୩ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୦ ଜଣ (୭ ଜଣ ପୁରୁଷ ଓ ୩ଜଣ ମହିଳା), ତାଳଚେର ପୌରାଂଚଳରୁ ୯ ଜଣ ( ୬ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୮ ଜଣ( ୪ଜଣ ପୁରୁଷ ଓ ୪ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୪ ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୪୮ ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ ୧୨ଜଣ କୋଭିଡ ହସପିଟାଲରୁ, ୬ ଜଣ କୋଭିଡ କେୟାର ସେଣ୍ଟରରୁ, ଓ ୧୩୦ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି । ପରେ ଜିଲ୍ଲାପାଳ ଜିଲ୍ଲାରେ କୋଭିଡର ସ୍ଥିତି କୁ ନେଇ କାର୍ଯ୍ୟକାରୀ ହେଉଥିବା ବିଭିନ୍ନ କାର୍ଯ୍ୟକ୍ରମ ସମ୍ପର୍କରେ ସମୀକ୍ଷା କରିଥିଲେ ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୬୮୩ ତା.୧୪.୧୦.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ